# ଗ୍ରାମୀଣ କୃଷି ମୌସମ ସେବା
## ଭାରତ ପାଣିପାଗ ବିଭାଗ
## ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ
## ଆଞ୍ଚଳିକ ଗବେଷଣା ଓ ବୈଷୟିକ ପ୍ରସାରଣ କେନ୍ଦ୍ର, ଚିପିଲିମା

ସଂଖ୍ୟା - ୩୬ (ଓଡ଼ିଆ ବୁଲେଟିନ) ସପ୍ତାହ -୧୮ ତାରିଖ: ୦୩.୦୫.୨୦୨୪


## ଜିଲ୍ଲା – ବରଗଡ଼

### ଆସନ୍ତା ପାଞ୍ଚ ଦିନର ପାଣିପାଗ ପୂର୍ବାନୁମାନ

| ପାଣିପାଗ କାରକ | 04-05-2024 | 05-05-2024 | 06-05-2024 | 07-05-2024 | 08-05-2024 |
|---|---|---|---|---|---|
| ବୃଷ୍ଟିପାତ (ମିଲି ମିଟର) | 0 | 0 | 0 | 2 | 5 |
| ସର୍ବାଧିକ ତାପମାତ୍ରା (º ସେଣ୍ଟିଗ୍ରେଡ) | 40 | 40 | 39 | 38 | 37 |
| ସର୍ବନିମ୍ନ ତାପମାତ୍ରା (º ସେଣ୍ଟିଗ୍ରେଡ) | 28 | 27 | 26 | 25 | 25 |
| ସମ୍ପୂର୍ଣମେଘ ଆବରଣ(ଓକଟା) | 0 | 0 | 0 | 2 | 3 |
| ସର୍ବାଧିକଆପେକ୍ଷିକ ଆଦ୍ରତା (ଶତକଡା %) | 12 | 18 | 36 | 41 | 44 |
| ସର୍ବନିମ୍ନ ଆପେକ୍ଷିକ ଆଦ୍ରତା (ଶତକଡା %) | 6 | 5 | 9 | 11 | 16 |
| ପବନବେଗ (କିମି/ଘଣ୍ଟା ପ୍ରତି) | 6 | 8 | 13 | 19 | 15 |
| ପବନଦିଗ (ଡିଗ୍ରୀ) | 116 | 202 | 248 | 208 | 193 |

ଅଧିକ ଜାଣିବା ପାଇଁ, ଭାରତୀୟ ପାଣିପାଗ ବିଭାଗ, ଭୁବନେଶ୍ୱର, ଟେଲିଫୋନ# ୦୬୭୪-୨୫୯୬୧୧୬ରେ ଯୋଗାଯୋଗ କରନ୍ତୁ

## ପାଣିପାଗ ସାରାଂଶ/ସତର୍କ ସୂଚନା :

ଭାରତ ପାଣିପାଗ ବିଜ୍ଞାନ ବିଭାଗ, ମୌସମ ବିଜ୍ଞାନ କେନ୍ଦ୍ର , ଭୁବନେଶ୍ବର ଅନୁଯାୟୀ ଆସନ୍ତା ସପ୍ତାହର ପ୍ରଥମ ଦୁଇ ରୁ ତିନି ଦିନ ବର୍ଷା ହେବାର ସମ୍ଭାବନା ବହୁତ କମ ଅଛି ଓ ତା ' ପରେ କିଛିଟା ସ୍ଥାନରେ ଅତି ସ୍ୱଳ୍ପ ରୁ ସ୍ୱଳ୍ପ ବର୍ଷା ହୋଇପାରେ ଏବଂ ଏହି ସମୟ ଅବଧିରେ ଆକାଶ ପ୍ରଥମ କିଛି ଦିନ ମୁଖ୍ୟତଃ କିମ୍ବା ଆଂଶିକ ସଫା ଓ ପରବର୍ତୀ ଦିନଗୁଡିକରେ ଆକାଶ ଆଂଶିକ ରୁ ସାଧାରଣତଃ ମେଘାଚ୍ଛନ୍ନ ରହିପାରେ I ଆସନ୍ତା ୫ ଦିନ ମଧ୍ୟରେ ସର୍ବୋଚ୍ଚ ତାପମାତ୍ରା ୩୭ ରୁ ୪୦ ଡିଗ୍ରୀ ସେଣ୍ଟିଗ୍ରେଡ ଓ ସର୍ବନିମ୍ନ ତାପମାତ୍ରା ୨୫ ରୁ ୨୮ ଡିଗ୍ରୀ ସେଣ୍ଟିଗ୍ରେଡ ମଧ୍ୟରେ ରହିବାର ସମ୍ଭାବନା ରହିଅଛି I ଆସନ୍ତା ସପ୍ତାହରେ ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା ୧୨ % ରୁ ୪୪ % ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା ୫ % ରୁ ୧୬ % ମଧ୍ୟରେ ରହିବାର ସମ୍ଭାବନା ରହିଅଛି। ଆସନ୍ତା ୫ ଦିନ ମଧ୍ୟରେ ୬ ରୁ ୧୯ କି.ମି. ପ୍ରତି ଘଣ୍ଟା ବେଗରେ ଦକ୍ଷିଣ-ପୂର୍ବ ଓ ଦକ୍ଷିଣ-ପଶ୍ଚିମ ଦିଗରୁ ପବନ ବହିବାର ସମ୍ଭାବନା ରହିଅଛି।

## ସାଧାରଣ ଉପଦେଶ

- ଆସନ୍ତା ସପ୍ତାହର ପ୍ରଥମ କିଛି ଦିନ ବର୍ଷା ହେବାର ସମ୍ଭାବନା କମ ରହିବା ସହିତ ଉଷ୍ଣ ଲହରୀ ଦେଖାଯିବାର ମଧ୍ୟ ସମ୍ଭାବନା ରହିଅଛି ତେଣୁ ଚାଷୀ ଭାଇମାନଙ୍କୁ କ୍ଷେତରେ ଥିବା ଫସଲରେ ଆବଶ୍ୟକତା ଅନୁଯାଇ ନିୟମିତ ଜଳସେଚନର ପ୍ରବନ୍ଧ ସକାଳ କିମ୍ବା ସନ୍ଧ୍ୟା ସମୟରେ କରିବାକୁ ପରାମର୍ଶ ଦିଆଯାଉଛି ଏବଂ ସିଞ୍ଚନ ପ୍ରଣାଳୀରେ ଜଳସେଚନ ଅଧିକ ଲାଭପ୍ରଦ ହୋଇଥାଏ । ଚାଷି ଭାଇମାନେ ଫଳ ଓ ପନିପରିବା କ୍ଷେତରେ ପଲିଥିନ, ପୁଆଳ କିମ୍ବା ଅନ୍ୟ ଫସଲ ଅବଶେଷକୁ ଆବରଣ ଭାବରେ ପ୍ରୟୋଗ କରିପାରିବେ କାରଣ ଏହା ଦ୍ଵାରା ମାଟିର ଆର୍ଦ୍ରତା ସହିତ ତାପମାତ୍ରା ମଧ୍ୟ ନିୟନ୍ତ୍ରଣ ରହିଥାଏ।
- ପଶୁମାନଙ୍କୁ ଝାଞ୍ଜି ଖରାରୁ ବଂଚାଇବା ପାଇଁ ଛାଇଁରେ ରଖିବାର ବ୍ୟବସ୍ଥା କରନ୍ତୁ ଏବଂ ଦିପହର ସମୟରେ କାମ କରାନ୍ତୁ ନାହିଁ ।
- ପ୍ରଚଳିତ ପାଣିପାଗର ଯେଉଁ ସ୍ଥିତି ରହିଅଛି ତାହା ଆଗକୁ ଫସଲରେ ବିଭିନ୍ନ ପ୍ରକାରର ପୋକ ଏବଂ ରୋଗର ସଂକ୍ରମଣ ବଢାଇବାରେ ସହାୟକ ହୋଇପାରେ ତେଣୁ ଏହାର ନିୟମିତ ନିରୀକ୍ଷଣ କରିବାକୁ ପରାମର୍ଶ ଦିଆଯାଇଅଛି ।
- ଆସନ୍ତା ସପ୍ତାହର ଦ୍ୱିତୀୟ ପର୍ଯ୍ୟାୟରେ କିଛିଟା ସ୍ଥାନରେ ବର୍ଷା ହେବାର ସମ୍ଭାବନା ଦେଖାଯାଇପାରେ ତେଣୁ ଔଷଧର ସିଞ୍ଚନ କାର୍ଯ୍ୟ ତା ଆଗରୁ କରିବାକୁ ପରାମର୍ଶ ଦିଆଯାଇଅଛି ।

| ପାଣିପାଗ ଭିତ୍ତିକ କୃଷି ଏବଂ ପଶୁପାଳନ ଉପଦେଶ | | |
|---|---|---|
| **ଫସଲର ନାମ** | **ଫସଲ ଅବସ୍ଥା** | **କୃଷି ଏବଂ ପଶୁପାଳନ ପାଇଁ ପାଣିପାଗ ଭିତ୍ତିକ ପରାମର୍ଶ** |
| ଡାଲୁଆ ଧାନ | ଫୁଲ ଅବସ୍ଥା / ଦୁଗ୍ଧ ଅବସ୍ଥା / ଦାନା ଭରିବା ଓ ବିକଶିତ ହେବା ଅବସ୍ଥା | • ଆସନ୍ତା ସପ୍ତାହର ପ୍ରଥମ କିଛି ଦିନ ପାଗ ମୁଖ୍ୟତଃ ଶୁଷ୍କ ରହିବା ସହିତ ପ୍ରଚଳିତ ତାପମାତ୍ରାର ସ୍ଥିତି ଆଗକୁ ମଧ ଦେଖାଯିବାର ସମ୍ଭାବନା ଅଛି ତେଣୁ ଗଛକୁ ଝାଞ୍ଜି ଖରାରୁ ରକ୍ଷା କରିବା ପାଇଁ କ୍ଷେତରେ ମାଟିର ଆର୍ଦ୍ରତା ବନାଇ ରଖିବାର ଉପଯୁକ୍ତ ବ୍ୟବସ୍ଥା କରିବାକୁ ପରାମର୍ଶ ଦିଆଯାଉଅଛି।<br>• ବର୍ତମାନ ପାଣିପାଗର ଯେଉଁ ସ୍ଥିତି ରହିଅଛି ତାହା ଧାନ କ୍ଷେତରେ ଚକଡା ପୋକର ବୃଦ୍ଧି ପାଇଁ ଅନୁକୂଳ ଅଟେ ଏବଂ ଏହି ସମୟରେ ଯଦି କ୍ଷେତରେ ଜଳ ଜମା ହୋଇକି ରହେ ତାହାହେଲେ ଏହାର ପ୍ରକୋପ ଅଧିକ ହୋଇଥାଏ ତେଣୁ ଏହି ପୋକର ନିୟନ୍ତ୍ରଣ ପାଇଁ ଯବକ୍ଷାରଜାନ ସାରର ପ୍ରୟୋଗ କରନ୍ତୁ ନାହିଁ ଏବଂ କ୍ଷେତରେ ଦୀର୍ଘ ସମୟ ଧରି ପାଣି ଜମିକି ନ ରହିବା ପାଇଁ ବିକଳ୍ପିତ ଓଦା ଓ ଶୁଖିଲା ପଦ୍ଧତିର ପ୍ରୟୋଗ କରନ୍ତୁ ଯେଉଁଥିରେ କି ପର୍ଯ୍ୟାୟ କ୍ରମେ ଜଳ ସେଚନ ଏବଂ ଜଳ ନିଷ୍କାସନ କରିବା ଦ୍ଵାରା କ୍ରମାଗତ ଭାବରେ ମାଟି ଓଦା ଓ ଶୁଖିଲା ରହିଥାଏ । ଏହାପରେ ବି ଯଦି ନିୟନ୍ତ୍ରଣ ନ ହୁଏ ତାହାହେଲେ ପ୍ରତି ହେକ୍ଟର ପିଛା ୨୪୦ ମିଲି ଟ୍ରାଇଫ୍ଲୁମେଜୋପାଇରିମ କିମ୍ବା ୩୦୦ ଗ୍ରାମ ପାଇମେଟ୍ରୋଯାଇନକୁ ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ମୁଗ(ଖରା ଦିନିଆ) | ଫଳ ଧରିବା / ଫଳ ତୋଳିବା ଅବସ୍ଥା | • ଏବେ ଅଧିକାଂଶ କ୍ଷେତରେ ମୁଗ ଗଛରେ ଫଳ ଧରିବା ଆରମ୍ଭ ହୋଇଗଲାଣି ଏବଂ ଏହି ଅବସ୍ଥାରେ ଯଦି ଜଳର ଅଭାବ ହୁଏ ତାହାହେଲେ ଫଳର ଭଲ ବିକାସ ହୋଇପାରେ ନାହିଁ ତେଣୁ ପ୍ରଚଳିତ ପାଣିପାଗର ସ୍ଥିତିକୁ ଧ୍ୟାନରେ ରଖି କ୍ଷେତରେ ଜଳସେଚନର ବ୍ୟବସ୍ଥା କରିବାକୁ ପରାମର୍ଶ ଦିଆଯାଉଅଛି ।<br>• ଯଦି ମୁଗ କ୍ଷେତରେ ଫଳ ଧରିବା ସମୟରେ ଫଳ ଛେଦକ କିମ୍ବା ଫଳ ବିନ୍ଧା ପୋକର ପ୍ରକୋପ ଦେଖାଯାଏ ତା'ହେଲେ ଏହାର ନିୟନ୍ତ୍ରଣ ପାଇଁ ୦.୩ ମିଲି କ୍ଲୋରାନଟ୍ରାନିଲିପ୍ରୋଲ ୧୮.୫ ଏସ.ସି. କିମ୍ବା ୦.୪ ଗ୍ରାମ ଇମାମେକଟିନ୍ ବେନଯୋଏଡ଼କୁ ପ୍ରତି ଲିଟର ପାଣିରେ ମିଶାଇ ଶୁଷ୍କ ପାଗକୁ ଦେଖି କ୍ଷେତରେ ସିଞ୍ଚନ କରନ୍ତୁ।<br>• ଯଦି ମୁଗ ଗଛରେ ୭୦ ରୁ ୮୦ ପ୍ରତିଶତ ଫଳ ପରିପକ୍ୱ ହୋଇ ଯାଇଛି ସେଥିରେ ଫଳ ତୋଳିବା କାର୍ଯ୍ୟ ଆରମ୍ଭ କରିଦେବାକୁ ପରାମର୍ଶ ଦିଆଯାଉଅଛି। ଏହାର ବିହନକୁ ସଂରକ୍ଷିତ ରଖିବା ପୂର୍ବରୁ ଫସଲକୁ ଖରାରେ ଭଲଭାବରେ ସୁଖାନ୍ତୁ ଯେପରିକି ଦାନା/ମଞ୍ଜିର ଆର୍ଦ୍ରତା ୮ ରୁ ୧୦ ପ୍ରତିଶତ ମଧରେ ରହିବ। ଯେଉଁ ଚାଷୀ ଭାଇମାନଙ୍କର ଫସଲ ବାହାରେ ସୁଖିବା ପାଇଁ ରଖା ହୋଇଛି ତାକୁ ସୁରକ୍ଷିତ ଜାଗାରେ ରଖିବାର ବ୍ୟବସ୍ଥା କରିବାକୁ ପରାମର୍ଶ ଦିଆଯାଉଛି କାରଣ ଆଗକୁ ୨ ରୁ ୩ ଦିନ ପରେ କିଛିଟା ଜାଗାରେ ବର୍ଷା ହେବାର ସମ୍ଭାବନା ଦେଖାଯାଇପାରେ। |
| ମକା | ଫଳ ଅବସ୍ଥା | • ବର୍ଷା ନ ହେବା ସ୍ଥିତିକୁ ଧ୍ୟାନରେ ରଖି ମାଟିର ଆର୍ଦ୍ରତାକୁ ବନାଇ ରଖିବା ପାଇଁ ଆବଶ୍ୟକତା ଅନୁସାରେ ଜଳସେଚନ କରନ୍ତୁ ।<br>• ମକା ଗଛରେ କାଣ୍ଡବିନ୍ଧା ପୋକର ନିୟନିନ୍ତ୍ରଣ ପାଇଁ ଫିପ୍ରୋନିଲ ୫% ଏସ.ସି. କିମ୍ବା ପ୍ରୋପେନୋଫସ ୫୦% ଇ.ସି. @ ୨ ମିଲିକୁ ପ୍ରତି ଲିଟର ପାଣିରେ ମିଶାଇ ଏବଂ ଫଲ ଆର୍ମିୱର୍ମ କୀଟର ନିୟନ୍ତ୍ରଣ ପାଇଁ ପ୍ରତି ଲିଟର ପାଣିରେ ୦.୪ ଗ୍ରାମ ଇମାମେକଟିନ୍ଟିନ ବେନଜୋଏଟ୍ କୁ ମିଶାଇ ଶୁଷ୍କ ପାଗ କ୍ଷେତରେ ସିଞ୍ଚନ କରନ୍ତୁ। |
| ଆମ୍ବ | ଫଳ ଅବସ୍ଥା | • ଆମ୍ବ ଗଛରେ ଆମ୍ବ ହପରକୁ ନିୟନ୍ତ୍ରଣ କରିବା ପାଇଁ ୧ ଗ୍ରାମ୍ ଏସିଫେଟ କିମ୍ବା ୦.୫ ମିଲି କ୍ଲୋରୋପାଇରିଫସ୍ କିମ୍ବା ୦.୩ ରୁ ୦.୪ ଗ୍ରାମ ଥାଇଓମିଥୋକ୍ସାମକୁ ପ୍ରତି ଲିଟର ପାଣିରେ ମିଶାଇ ଗଛରେସିଞ୍ଚନ କରନ୍ତୁ।<br>• ଧଳା ପାଉଡରର ସ୍ତର ଲାଗିରହିଲା ପରି ରୋଗର ଲକ୍ଷଣ ଦେଖାଗଲେ ଏହାର ନିୟନ୍ତ୍ରଣ ପାଇଁ ୨ ଗ୍ରାମ ଦ୍ରବୀଭୂତ ସଲଫରକୁ ପ୍ରତି ଲିଟର ପାଣିରେ ମିଶାଇଆକାଶ ସଫା ଥିବା ସମୟରେ ଗଛରେ ପ୍ରୟୋଗ କରନ୍ତୁ ।<br>• ତାପମାତ୍ରା ଓ ଆର୍ଦ୍ରତାରେ ବୃଦ୍ଧି ସହିତ ଆମ୍ବ ଗଛରେ ଫଳ ମାଛିର ଉପଦ୍ରବ ବଢିବାର ଦେଖାଯାଇପାରେ ତେଣୁ ଏହାର ନିରୀକ୍ଷଣ ତଥା ନିୟନ୍ତ୍ରଣ ପାଇଁ ଫଳ ମାଛି ଟ୍ରାପର ବ୍ୟବହାର କରିବାକୁ ପରାମର୍ଶ ଦିଆଯାଉଅଛି।<br>• ଆମ୍ବ ଗଛରେ ଫଳର ବିକାସ ପାଇଁ ଏହି ମାସଟା ମହତ୍ୱପୂର୍ଣ ଅଟେ ଏବଂ ଏହି ଅବସ୍ଥାରେ ଗଛରେ ଜଳର ଅଭାବ ଯୋଗୁଁ ଫଳର ବିକାସ ବାଧାପ୍ରାପ୍ତ ହୋଇଥାଏ ତେଣୁ ଚାଷି ଭାଇମାନଙ୍କୁ ମାଟିର ଆର୍ଦ୍ରତା ବନାଇ ରଖିବାକୁ ୧୦ ରୁ ୧୫ ଦିନ ଅନ୍ତରାଳରେ ସକାଳ କିମ୍ବା ସନ୍ଧ୍ୟା ସମୟରେ ଜଳସେଚନ କରିବାକୁ ପରାମର୍ଶ ଦିଆଯାଉଅଛି।<br>• ଆଗକୁ ବର୍ଷା ହେବାର ସମ୍ଭାବନାକୁ ଧ୍ୟାନରେ ରଖି ଚାଷୀ ଭାଇମାନେ ଜଳ ସେଚନ ପାଇଁ କିଛି ଦିନ ଅପେକ୍ଷା କରନ୍ତୁ। |
| ପନିପରିବା | ଫୁଲ ଓ ଫଳ | • ଆଗକୁ କିଛି ଦିନ ପର୍ଯ୍ୟନ୍ତ ବର୍ଷାର ସମ୍ଭାବନା କମ ଅଛି ଏବଂ ଏହି ସମୟ ଅବଧିରେ କିଛିଟା ଜାଗାରେ ଉଷ୍ମ ଲହରୀର |

| | | |
|---|---|---|
| | ଅବସ୍ଥା | ସମ୍ଭାବନା ମଧ୍ୟ ଦେଖାଯାଇପାରେ ତେଣୁ କ୍ଷେତରେ ଆର୍ଦ୍ରତା ବନାଇ ରଖିବା ପାଇଁ ଜଳ ସେଚନର ବ୍ୟବସ୍ଥା କରିବାକୁ ପରାମର୍ଶ ଦିଆଯାଇଅଛି । ଯଦି ସମ୍ଭବ ହୁଏ ତାହାହେଲେ ଗଛ ମୂଳରେ ପୁଆଳର ଆବରଣ ପ୍ରୟୋଗ କରନ୍ତୁ ଏହାଦ୍ୱାରା ମାଟିର ତାପମାତ୍ରା ଓ ଆର୍ଦ୍ରତା ଉଭୟ ନିୟନ୍ତ୍ରିତ ରହିଥାଏ ।<br>• ଯଦି ବାଇଗଣ, ଭେଣ୍ଡି ଏବଂ ଟମାଟର ଗଛରେ ପତ୍ରଖିଆ ସମ୍ବାଲୁଆ ଏବଂ କାଣ୍ଡ ଓ ଫଳବିନ୍ଧା ପୋକର ଆକ୍ରମଣ ଦେଖାଯାଏ ତାହେଲେ ୦.୪ ଗ୍ରାମ ଇମାମେକଟିନ୍ ବେନଯୋଏଡ଼କୁ ପ୍ରତି ଲିଟର ପାଣିରେ ମିଶାଇ ଶୁଷ୍କ ପାଗକୁ ଦେଖି ଗଛରେ ପ୍ରୟୋଗ କରନ୍ତୁ।<br>• ପିଆଜ ଗଛ ରେ ବାଇଗଣି ଦାଗ କିମ୍ବା ପର୍ପଲ ବ୍ଲଚ ରୋଗ ର ନିୟନ୍ତ୍ରଣ ପାଇଁ ଟେବୁକୋନାଜୋଲ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ ୨୫% @ ୦.୪ ଗ୍ରାମ କୁ ପ୍ରତି ଲିଟର ପାଣି ସହିତ ମିଶାଇ ସିଞ୍ଚନ କରନ୍ତୁ । ଉକୁଣିଆ ପୋକର ପ୍ରକୋପରୁ ଗଛକୁ ରକ୍ଷା କରିବା ପାଇଁ ୦.୩ ମିଲି ଇମିଡାକ୍ଲୋରୋପ୍ରିଡ଼ କିମ୍ବା ୦.୩ ଗ୍ରାମ ଥାଇଓମିଥୋକ୍ସାମ କୁ ପ୍ରତି ଲିଟର ପାଣି କିମ୍ବା ୧ ଗ୍ରାମ ଏସିଟାମିପ୍ରିଡ ୨୦ ପ୍ରତିଶତ ଇ.ସି. କୁ ୪ ଲିଟର ପାଣିରେ ମିଶାଇ ଶୁଷ୍କ ପାଗରେ ଗଛରେ ପ୍ରୟୋଗ କରନ୍ତୁ। |
| ଗାଈ ଓ ମଇଷି | • ଆଗକୁ ତାପମାତ୍ରାର ପ୍ରଚଳିତ ସ୍ଥିତି ବଜାୟ ରହିବାର ସମ୍ଭାବନାକୁ ଧ୍ୟାନରେ ରଖି ପଶୁମାନଙ୍କୁ ଗରମରୁ ରକ୍ଷା କରିବା ପାଇଁ ତାଙ୍କୁ ନିୟମିତ ତାଜା ସ୍ୱଚ୍ଛ ଥଣ୍ଡା ପାନୀୟ ଜଳ ଯୋଗେଇବାର ବ୍ୟବସ୍ଥା କରନ୍ତୁ ଏବଂ ଆଗକୁ ଝାଞ୍ଜି ପବନ ବହିବାର ସମ୍ଭାବନା ଅଛି ତେଣୁ ଜଳର ପରିମାଣ ବଢାଇବା ସହିତ ସେମାନଙ୍କୁ ସବୁଜ ଘାସ, ପୁଷ୍ଟିସାର-ଚର୍ବି ଜାତୀୟ ଖାଦ୍ୟ, ମିଶ୍ରିତ ଖଣିଜ ଲବଣ ଏବଂ ଲୁଣ ଖାଇବାକୁ ଦିଅନ୍ତୁ ।<br>• ସେମାନଙ୍କୁ ଛାଇ ରେ ରଖନ୍ତୁ ଓ ସକାଳ ୧୧ ଟା ରୁ ସନ୍ଧ୍ୟା ୪ ଟା ମଧ୍ୟରେ ଚରାଇବାକୁ ବାହାରକୁ ଛାଡନ୍ତୁ ନାହିଁ ।<br>• ଗୁହାଳର ତଳପଟରେ ପୁଆଳ କିମ୍ବା ଧଳା ପେନ୍ଟ କିମ୍ବା ପ୍ଲାଷ୍ଟରର ବ୍ୟବସ୍ଥା କରନ୍ତୁ କାରଣ ଏହା ଦ୍ୱାରା ତାପମାତ୍ରା ନିୟନ୍ତ୍ରଣ ହୋଇଥାଏ ।<br>• ପଶୁମାନଙ୍କୁ ଜଳ ଦ୍ୱାରା ପାଇପ ସାହାଯ୍ୟରେ ଗାଧାନ୍ତୁ କିମ୍ବା ଜଳ ଭଣ୍ଡାର ଯେପରିକି ପୋଖରୀ ଇତ୍ୟାଦିରେ କିଛି ସମୟ ପାଇଁ ଛାଡିଦିଅନ୍ତୁ ଯେପରିକି ସେମାଙ୍କ ଶରୀରର ତାପମାତ୍ରା କମିଯିବ । | |
| କୁକୁଡ଼ା ପାଳନ | • ପ୍ରଚଳିତ ଉଷ୍ଣ ଲହରୀକୁ ଧ୍ୟାନରେ ରଖି କୁକୁଡ଼ା ପାଳନରେ କିଛି ସତର୍କତା ଅବଲମ୍ବନ କରିବାକୁ ପରାମର୍ଶ ଦିଆଯାଉଛି। କୁକୁଡ଼ା ଫାର୍ମରେ ଥିବା ଝରକାଗୁଡିକୁ ଓଦା ଅଖା ବସ୍ତା କିମ୍ବା ଗନି ବ୍ୟାଗରେ ଏବଂ ଛାତକୁ ପୁଆଳ କିମ୍ବା ନଡ଼ାରେ ଘୋଡାଇବାର ପ୍ରବନ୍ଧ କରନ୍ତୁ । କୁକୁଡ଼ା ସେଡରେ ପବନର ଚଳପ୍ରଚଳ କିମ ଭେଣ୍ଟିଲେସନ୍ ପାଇଁ ଏବଂ ଘରକୁ ଥଣ୍ଡା ରଖିବା ପାଇଁ ଉପଯୁକ୍ତ ବ୍ୟବସ୍ଥା କରାଯିବା ଉଚିତ ।<br>• ରାନିଖେତ ରୋଗ ବିରୁଦ୍ଧରେ କୁକୁଡ଼ା ମାନଙ୍କର ଟୀକାକରଣ ଏବଂ କୃମି ନ ହେବା ପାଇଁ ଔଷଧର ବ୍ୟବସ୍ଥା ନିଶ୍ଚୟ କରାଯିବା ଉଚିତ ।<br>• ଉଷ୍ଣ ଲହରୀ ଶେଷ ହେବା ପର୍ଯ୍ୟନ୍ତ ଭିଟାମିନ୍ ଇ ଏବଂ ସି ସପ୍ଲିମେଣ୍ଟ କୁ ପାନୀଯ ଜଳ ସହିତ ମିଶାଇ ଖାଇବାକୁ ଦେବାକୁ ଏବଂ ଉଷ୍ଣ ଲହରୀ ସମୟରେ ଥଣ୍ଡା ଜଳର ଉପଲବ୍ଧତା ସୁନିଶ୍ଚିତ କରିବାକୁ ପରାମର୍ଶ ଦିଆଯାଉଛି । | |


| | |
|---|---|
| **Ms. Jubuli Sahu**<br>**Junior Agrometeorologist,**<br>**AMFU, RRTTS, Chiplima** | **Dr. Sanjukta Mohapatra**<br>**ADR & Nodal Officer**<br>**RRTTS, Chiplima** |


---

- କୃଷି ରେ ଉତ୍ତମ ଲାଭ ପାଇଁ , **OUAT KALINGA** ପ୍ରଡକ୍ଟସ (ବିହନ, ଚାରା ରୋପଣ ଓ କ୍ୟୁପିଏମ୍, ଟିସୁ କଲଚର ପ୍ଲାଣ୍ଟ , ଫଳ ଓ ପନିପରିବା , ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ମହୁମାଛି ଓ ସ୍ୱୋନ୍, ଜୈବ ସାର, ଜୈବ କୀଟନାଶକ, ଜିଆ ଏବଂ ଜିଆ ଖତ ଇତ୍ୟାଦି) ବ୍ୟବହାର କରନ୍ତୁ।
- ଭାରତ ପାଣିପାଗ ବିଭାଗ ର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ପାଇଁ ମେଘଦୂତ ମୋବାଇଲ ଆପ (https://play.gooogle.com/store/apps/details?id=com.aas.meghdoot) ତଥା ନିଜ ଅଞ୍ଚଳର ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ ଦାମିନୀ ଆପ (https://play.google.com/store/apps/details?id=com.lightening.live.damini) ର ବ୍ୟବହାର କରିପାରିବେ।